# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**24 January – 2026**

---

## ପି.ଏମ୍. - ରୋଜଗାର ମେଳା

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆଜି ଆଭାସୀ ମାଧ୍ୟମରେ ଅଷ୍ଟାଦଶ ରୋଜଗାର ମେଳାରେ ବିଭିନ୍ନ ସରକାରୀ ବିଭାଗ ଏବଂ ସଂସ୍ଥା ପାଇଁ ନୂତନ ଭାବେ ନିଯୁକ୍ତି ପାଇଥିବା ୬୧ ହଜାରରୁ ଊର୍ଦ୍ଧ୍ୱ ଯୁବବର୍ଗଙ୍କୁ ନିଯୁକ୍ତିପତ୍ର ବଣ୍ଟନ କରିବେ । ଦେଶର ୪୫ଟି ସ୍ଥାନରେ ଏହି ରୋଜଗାର ମେଳାର ଆୟୋଜନ କରାଯିବ ।

ପ୍ରାର୍ଥିମାନେ ଗୃହ ବିଭାଗ, ସ୍ୱାସ୍ଥ୍ୟ, ପରିବାର କଲ୍ୟାଣ, ଆର୍ଥିକ ସେବା ବିଭାଗ, ଉଚ୍ଚଶିକ୍ଷା ବିଭାଗ ଏବଂ ଅନ୍ୟାନ୍ୟ ବିଭାଗରେ ନିଯୁକ୍ତି ପାଇବେ ।

---

## ରାଜ୍ୟପାଳ-ମତ୍ସ୍ୟ ଓ ପ୍ରାଣୀ ସମାବେଶ

ମତ୍ସ୍ୟ ଓ ପଶୁପାଳନ କ୍ଷେତ୍ରରେ ଉଦ୍ୟୋଗ ସୃଷ୍ଟି କରିବାକୁ ଯୁବପିଢ଼ିମାନଙ୍କୁ ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମପାଟି ଆହ୍ୱାନ ଦେଇଛନ୍ତି । ଭୁବନେଶ୍ୱର ଜନତା ମଇଦାନଠାରେ ଆୟୋଜିତ ରାଜ୍ୟସ୍ତରୀୟ ମତ୍ସ୍ୟ-ପ୍ରାଣୀ ସମାବେଶ ଓଡ଼ିଶା-୨୦୨୬ର ଉଦ୍‌ଯାପନୀ ସମାରୋହରେ ଯୋଗଦେଇ ରାଜ୍ୟପାଳ କହିଛନ୍ତି, ଦକ୍ଷତା ବିକାଶ ଓ ନବସୃଜନ ମାଧ୍ୟମରେ ଯୁବଗୋଷ୍ଠୀ ସଫଳ ଉଦ୍ୟୋଗ ସୃଷ୍ଟି କରିପାରିବେ । ମତ୍ସ୍ୟଚାଷ ଏବଂ ଆନୁସଙ୍ଗିକ କାର୍ଯ୍ୟକଳାପ ବହୁବର୍ଷରୁ ଖାଦ୍ୟ ସୁରକ୍ଷାକୁ ସୁନିଶ୍ଚିତ କରିଆସୁଛି । ଏଥିସହିତ ଗ୍ରାମୀଣ ଜୀବିକାର ଅର୍ଥନୀତିକୁ ସୁଦୃଢ଼ କରୁଛି । ଅନ୍ୟମାନଙ୍କ ମଧ୍ୟରେ ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ, ମତ୍ସ୍ୟ

ଓ ପ୍ରାଣୀସମ୍ପଦ ବିକାଶ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ ପ୍ରମୁଖ ଉପସ୍ଥିତ ଥିଲେ ।

---

# ପିଏମ୍ ସ୍ୱନିଧି ଯୋଜନା

ପିଏମ୍ ସ୍ୱନିଧି ଯୋଜନାରେ ରାଜ୍ୟର ପ୍ରାୟ ୬୦ ହଜାରରୁ ଊର୍ଦ୍ଧ୍ୱ ଉଠାଦୋକାନୀ ଉପକୃତ ହେବେ ବୋଲି ଗୃହନିର୍ମାଣ ଓ ନଗର ଉନ୍ନୟନ ମନ୍ତ୍ରୀ ଡାକ୍ତର କୃଷ୍ଣଚନ୍ଦ୍ର ମହାପାତ୍ର କହିଛନ୍ତି ।  ମନ୍ତ୍ରୀ କହିଛନ୍ତି, ଏହି ଯୋଜନାରେ ବିନା ବନ୍ଧକରେ ପ୍ରଥମେ ୧୫ ହଜାର ଟଙ୍କା ଏବଂ ଠିକ୍ ସମୟରେ ଋଣ ପରିଶୋଧ କଲେ ୫୦ ହଜାର ଟଙ୍କା ପର୍ଯ୍ୟନ୍ତ କାର୍ଯ୍ୟକାରୀ ପୁଞ୍ଜି ଋଣ ମିଳିବାର ବ୍ୟବସ୍ଥା ରହିଛି ।

**V/O**

ଭୁବନେଶ୍ୱରସ୍ଥିତ କୃଷିଭବନରେ ଆୟୋଜିତ କାର୍ଯ୍ୟକ୍ରମରେ ଯୋଗଦେଇ ମନ୍ତ୍ରୀ ଶ୍ରୀ ମହାପାତ୍ର ହିତାଧିକାରୀଙ୍କୁ ଋଣ ଓ କ୍ରେଡିଟ୍ କାର୍ଡ ପ୍ରଦାନ କରିଥିଲେ ।

---

# ସ୍ୱାସ୍ଥ୍ୟସଂଘ ସମ୍ମିଳନୀ

ବିଶ୍ୱ ଓଡ଼ିଆ ସ୍ୱାସ୍ଥ୍ୟ ସଂଘ ସମ୍ମିଳନୀ-୨୦୨୬ ଉଡ଼ାନ-୧ ଆଜିଠାରୁ ପୁରୀ ପାନ୍ଥନିବାସରେ ଆରମ୍ଭ ହେଉଛି । ଏହି ତିନିଦିନିଆ ସମ୍ମିଳନୀରେ ବିଶ୍ୱର କୋଣ ଅନୁକୋଣରେ ରହୁଥିବା ଓଡ଼ିଆ ଡାକ୍ତରମାନେ ଗୋଟିଏ ମଞ୍ଚରେ ଏକତ୍ରିତ ହୋଇ ରାଜ୍ୟର ସ୍ୱାସ୍ଥ୍ୟସେବା କ୍ଷେତ୍ରକୁ ଉନ୍ନତ ଓ ଅତ୍ୟାଧୁନିକ ଚିକିତ୍ସା ସେବାର ଉପଲବ୍ଧି ସମ୍ପର୍କରେ ବିଚାର ବିମର୍ଶ କରି କାର୍ଯ୍ୟଖସଡ଼ା ପ୍ରସ୍ତୁତ କରିବେ । ଉଡ଼ାଣ-୧ ମାଧ୍ୟମରେ ରାଜ୍ୟରେ କାର୍ଯ୍ୟରତ

ଡାକ୍ତରୀ ଛାତ୍ରଛାତ୍ରୀଙ୍କୁ ଶିକ୍ଷାଦାନ ଏବଂ ଡାକ୍ତର ସମୁଦାୟ ମଧ୍ୟରେ ସୁସମ୍ପର୍କ ସ୍ଥାପନ କରିବା ମୁଖ୍ୟ ଉଦ୍ଦେଶ୍ୟ । ଚଳିତ ବର୍ଷ 'ସେବା ପରମଧର୍ମ' ବାର୍ତ୍ତା ନେଇ କାର୍ଯ୍ୟକ୍ରମର ଆୟୋଜନ କରାଯାଉଛି ।

---

## ଶିଳାନ୍ୟାସ

ଭଦ୍ରକ ଜିଲ୍ଲା ଧାମନଗର ବ୍ଲକରେ ଉଚ୍ଚଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ଯୋଗଦେଇ ବିଭିନ୍ନ ପ୍ରକଳ୍ପର ଶିଳାନ୍ୟାସ ଓ ଉଦ୍‌ଘାଟନ କରିଛନ୍ତି । ଧୁଷୁରୀ, ଅର୍ଜୁନପୁର, ଆସୁରାଳୀ ଆଦି ପଞ୍ଚାୟତରେ ୩ କୋଟି ଟଙ୍କାରୁ ଊର୍ଦ୍ଧ୍ୱ ବ୍ୟୟ ଅଟକଳରେ ନଦୀବନ୍ଧ ସୁଦୃଢ଼ୀକରଣ, କେନାଲ ରାସ୍ତା, ଗୋଷ୍ଠୀ କେନ୍ଦ୍ର ଗୃହ ଆଦି ବିଭିନ୍ନ ପ୍ରକଳ୍ପର ଉଦ୍‌ଘାଟନ ଓ ଭିତ୍ତିପ୍ରସ୍ତର ସ୍ଥାପନ କରିଥିଲେ ।

---

## ବେଳାଭୂମି ମହୋତ୍ସବ

ଗୋପାଳପୁର ବେଳାଭୂମି ମହୋତ୍ସବ ଆସନ୍ତା ୨୭ତାରିଖ ମଙ୍ଗଳବାରଠାରୁ ଆରମ୍ଭ ହେବ । ଏ ନେଇ ଏକ ପ୍ରସ୍ତୁତି ବୈଠକ ବାଣିଜ୍ୟ ଓ ପରିବହନ, ଖଣି ଓ ଇସ୍ପାତ ମନ୍ତ୍ରୀ ବିଭୂତି ଭୂଷଣ ଜେନା ଅଧ୍ୟକ୍ଷତାରେ ଆନୁଷ୍ଠିତ ହୋଇଯାଇଛି । ଏହି ମହୋତ୍ସବକୁ ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମପାଟି ଉଦ୍‌ଘାଟନ କରିବେ ।  ଉଦ୍‌ଯାପନୀ ଉତ୍ସବରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଯୋଗଦେବାର କାର୍ଯ୍ୟସୂଚୀ ରହିଛି ।

---

## ବକ୍ସି - ପୁଣ୍ୟତିଥି

ମହାନ୍ ବିପ୍ଳବୀ ସହିଦ ବକ୍ସି ଜଗବନ୍ଧୁଙ୍କ ପୁଣ୍ୟତିଥିରେ ଆଜି ରାଜ୍ୟବାସୀ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରୁଛନ୍ତି । ଏହି ପରିପ୍ରେକ୍ଷୀରେ  ଆଜି ଖୋର୍ଦ୍ଧା

ଜୟୀରାଜଗୁରୁ ଟାଉନ୍‌ହଲ୍‌ଠାରେ ଆୟୋଜିତ ହେବାକୁ ଥିବା କାର୍ଯ୍ୟକ୍ରମରେ ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଯୋଗଦେବେ । ଭୁବନେଶ୍ୱର ସଂଗ୍ରହାଳୟ ଛକସ୍ଥିତ ବକ୍ସି ଜଗବନ୍ଧୁଙ୍କ ପ୍ରତିମୂର୍ତ୍ତିରେ ବହୁ ବିଶିଷ୍ଟ ବ୍ୟକ୍ତି ମାଲ୍ୟାର୍ପଣ କରିବେ ।

## କନ୍ୟା ଦିବସ

ସମାଜରେ ଝିଅମାନଙ୍କ ଅଧିକାର, ଶିକ୍ଷା, ସ୍ୱାସ୍ଥ୍ୟ ଏବଂ ସୁରକ୍ଷା ଦିଗରେ ସଚେତନତା ସୃଷ୍ଟି ଉଦ୍ଦେଶ୍ୟରେ ଆଜି ଜାତୀୟ କନ୍ୟାଦିବସ ପାଳନ କରାଯାଉଛି । ଚଳିତ ବର୍ଷ **ସ୍ଥାୟୀ ଭବିଷ୍ୟତ ପାଇଁ କନ୍ୟାରତ୍ନଙ୍କ ସଶକ୍ତିକରଣ** ବାର୍ତ୍ତା ନେଇ ଏହି ଦିବସ ପାଳନ କରାଯାଉଛି । ୨୦୦୮ ମସିହାରୁ ଭାରତ ସରକାରଙ୍କ ମହିଳା ଓ ଶିଶୁ ବିକାଶ ମନ୍ତ୍ରଣାଳୟ ପକ୍ଷରୁ ଏହି ଦିବସ ପାଳନର ଶୁଭାରମ୍ଭ ହୋଇଥିଲା ।

ଆଜି ମଧ୍ୟ ଅନ୍ତର୍ଜାତୀୟ ଶିକ୍ଷା ଦିବସ ପାଳନ କରାଯାଉଛି । ଚଳିତବର୍ଷର ବିଷୟବସ୍ତୁ ରହିଛି **ଶିକ୍ଷାର ସହ-ସୃଷ୍ଟିରେ ଯୁବପିଢ଼ିଙ୍କ ଶକ୍ତି** ।

## ସଂକ୍ଷେପରେ...

ନବରଙ୍ଗପୁର ଜିଲ୍ଲା ପିଏମ୍‌ଶ୍ରୀ କେନ୍ଦ୍ରୀୟ ବିଦ୍ୟାଳୟରେ ପରାକ୍ରମ ଦିବସ ପାଳିତ ହୋଇଯାଇଛି ।

ପିଏମ୍‌ଶ୍ରୀ ସରକାରୀ ନୋଡାଲ୍ ଉଚ୍ଚବିଦ୍ୟାଳୟ ମାଲକାନଗିରିଠାରେ ଦୁଇଦିନ ଧରି ଚାଲିଥିବା ଜିଲ୍ଲାସ୍ତରୀୟ ପିଏମ୍‌ଶ୍ରୀ ଉତ୍ସବ ଉଦ୍‌ଯାପିତ ହୋଇଯାଇଛି ।

ଭଦ୍ରକ ଜିଲ୍ଲା ବନ୍ତ ବ୍ଲକ ଅନ୍ତର୍ଗତ ନିମପଡ଼ାସ୍ଥିତ ସ୍ୱାମୀ ବିବେକାନନ୍ଦ ଶିଶୁ ମନ୍ଦିରର ରଜତ ଜୟନ୍ତୀ ସମାରୋହ ଉଦ୍‌ଯାପିତ ହୋଇଯାଇଛି ।

ଗଞ୍ଜାମ ପୁଲିସ୍ ଜିଲ୍ଲାରେ ଅପରେସନ ଅନ୍ୱେଷଣର ଦ୍ୱିତୀୟ ଦିନରେ ୩୦ ଜଣଙ୍କୁ ଉଦ୍ଧାର କରାଯାଇଛି ।

ନବରଙ୍ଗପୁର ଜିଲ୍ଲା ଉମରକୋଟଠାରେ ଅନୁସୂଚିତ ଜାତି ଜନଜାତି ବିଭାଗ ପକ୍ଷରୁ ଜିଲ୍ଲାସ୍ତରୀୟ କ୍ରୀଡ଼ା ଉଦ୍‌ଯାପିତ ହୋଇଯାଇଛି ।

ଗଞ୍ଜାମ ଜିଲ୍ଲା ବ୍ରହ୍ମପୁରଠାରେ କବିସୂର୍ଯ୍ୟ ବଳଦେବ ରଥଙ୍କ ଜୟନ୍ତୀ ପାଳିତ ହୋଇଯାଇଛି ।

କେନ୍ଦ୍ରାପଡ଼ାସ୍ଥିତ ଶ୍ରୀବଳଦେବଜୀଉ ମନ୍ଦିରରେ ବସନ୍ତବିହାର ଦେବନୀତି ଅନୁଷ୍ଠିତ ହୋଇଯାଇଛି ।

---